OPPO Reno7 5G
2023.04.11 13:09

ପ୍ରେସ୍ ନୋଟ୍

# ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ "ଜାତୀୟ ନିରାପଦ ମାତୃତ୍ୱ ଦିବସ" ପାଳିତ ।

ଅନୁଗୋଳ, ତା.୧୧.୦୪: ଆଜି ପୂର୍ବାହ୍ନରେ ଅନୁଗୋଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ସମ୍ମିଳନୀ କକ୍ଷଠାରେ ଜିଲ୍ଲା ସ୍ୱାସ୍ଥ୍ୟ ସମିତି ଆନୁକୂଲ୍ୟରେ "ଜାତୀୟ ନିରାପଦ ମାତୃତ୍ୱ ଦିବସ" ପାଳିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ତଥା ଜିଲ୍ଲା ମିଶନ ନିର୍ଦ୍ଦେଶକ ଡ.ତ୍ରିଲୋଚନ ପ୍ରଧାନ ଅଧ୍ୟକ୍ଷତା କରି ଏହି ଦିବସ ପାଳନର ଉଦ୍ଦେଶ୍ୟ ଓ ନିରାପଦ ମାତୃତ୍ୱ ସମ୍ପର୍କରେ ବିଶଦ ଆଲୋଚନା କରିଥିଲେ । ଅତିରିକ୍ତ ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ ଡ. ଦିଲ୍ଲିପ କୁମାର ପଟ୍ଟନାୟକ ଗର୍ଭାବସ୍ଥାରେ ବିପଦ ଲକ୍ଷଣ ଯଥାଶିଘ୍ର ଚିହ୍ନଟ କରି ନିକଟସ୍ଥ ସ୍ୱାସ୍ଥ୍ୟ କେନ୍ଦ୍ରକୁ ପ୍ରେରଣ କରିବା ଉପରେ ଗୁରୁତ୍ୱ ଦେଇଥିଲେ । ଅତିରିକ୍ତ ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ ଡ.ପୂର୍ଣ୍ଣିମା ଉଦ୍‌ଗାତା ମାତୃ ଓ ଶିଶୁ ମୃତ୍ୟୁହାର କମାଇବା ପାଇଁ ନିରାପଦ ମାତୃତ୍ୱର ଆବଶ୍ୟକତା ରହିଛି ବୋଲି ପ୍ରକାଶ କରିଥିଲେ । ଜିଲ୍ଲା କାର୍ଯ୍ୟକ୍ରମ ପରିଚାଳକ ଶ୍ରୀ ଦିପକ ମହାନ୍ତି ଗୁଣାତ୍ମକ ମମତା ଦିବସ ଉପରେ ଆଲୋକପାତ କରିଥିଲେ । ଅତିରିକ୍ତ ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ ଡ. ବିଶ୍ୱ ବିହାରି ମହାନ୍ତି ଏହି କାର୍ଯ୍ୟକ୍ରମରେ ଯୋଗ ଦେଇ ଜାତୀୟ ନିରାପଦ ମାତୃତ୍ୱ ଦିବସ ପାଳନ କରିବାର ତାତ୍ପର୍ଯ୍ୟ ପ୍ରଚାର ଓ ପ୍ରସାର କରିବା ପାଇଁ ସମସ୍ତଙ୍କ ସହଯୋଗ କାମନା କରିଥିଲେ । ଅତିରିକ୍ତ ଜିଲ୍ଲା ଜନସ୍ୱାସ୍ଥ୍ୟ ସଂଚାର ଅଧିକାରୀ ଶ୍ରୀ ଭରତ କୁମାର ସାହୁ ଏହି କାର୍ଯ୍ୟକ୍ରମକୁ ସଂଯୋଜନା କରିଥିଲେ ଏବଂ ତାଲିମପ୍ରାପ୍ତ ସେବିକା,ଆଶା କର୍ମୀ ଓ ବିଭାଗୀୟ କର୍ମଚାରୀ ପ୍ରମୁଖ ଯୋଗ ଦେଇଥିଲେ ।

ଏହି ଅବସରରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ପ୍ରଶିକ୍ଷଣ କକ୍ଷ ଠାରେ ଶିଶୁ ଏବଂ ମା' ମାନଙ୍କର ଟୀକାକରଣ ଉପରେ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀଙ୍କ ଅଧ୍ୟକ୍ଷତାରେ ଏକ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି । ଏଥିରେ ବିଶ୍ୱ ସ୍ୱାସ୍ଥ୍ୟ ସଙ୍ଗଠନର ସାଧନ କର୍ମୀ (ରିସୋର୍ସ ପର୍ସନ) ଭାବେ ଡ.ସନ୍ତୋଷ କୁମାର ସାହୁ ଯୋଗ ଦେଇ କାର୍ଯ୍ୟକ୍ରମ ସମ୍ପର୍କରେ ବିସ୍ତୃତ ଭାବେ ଆଲୋଚନା କରିଥିଲେ । ଏହି କର୍ମଶାଳାରେ ଜିଲ୍ଲାର ସମସ୍ତ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରର ଡାକ୍ତର ଏବଂ ସହାୟକ ଗଣ ଯୋଗ ଦେଇଥିଲେ । ଏହି ସମସ୍ତ କାର୍ଯ୍ୟକ୍ରମକୁ ଅତିରିକ୍ତ ଜିଲ୍ଲା ଜନ ସ୍ୱାସ୍ଥ୍ୟ ଅଧିକାରୀ ଡ. ଦିଲ୍ଲିପ କୁମାର ପଟ୍ଟନାୟକ ପରିଚାଳନା କରିଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା-୨୯୬ ତା.୧୧.୦୪.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ



# ଜାତୀୟ ନିରାପଦ ମାତୃତ୍ୱ ଦିବସ

## ୧୧ ଏପ୍ରିଲ୍, ୨୦୨୩





## ଜିଲ୍ଲା ସ୍ୱାସ୍ଥ୍ୟ ସମିତି, ଅନୁଗୋଳ